**REGIONAL NEWS UNIT, AIR CUTTACK**

**Morning Bulletin (7.05 AM)**

**11 December - 2024**

**News Editor *: Itishree Singh Rathaur***

---

# ପଞ୍ଚାୟତ ପୁରସ୍କାର

ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଆଜି ନୂଆଦିଲ୍ଲୀର ବିଜ୍ଞାନ ଭବନଠାରେ ଜାତୀୟ ପଞ୍ଚାୟତ ପୁରସ୍କାର ପ୍ରଦାନ କରିବେ । ଏହି କାର୍ଯ୍ୟକ୍ରମରେ ଦୀର୍ଘସ୍ଥାୟୀ ଓ ସମାବେଶୀ ବିକାଶ ଦିଗରେ ଉଲ୍ଲେଖନୀୟ ଅବଦାନକୁ ସ୍ୱୀକୃତି ଦେବା ଉଦ୍ଦେଶ୍ୟରେ ବିଭିନ୍ନ ବର୍ଗରେ ୪୫ଟି ପଞ୍ଚାୟତିରାଜ ସଂସ୍ଥାକୁ ସମ୍ମାନିତ କରାଯିବ । ଏଥିରେ ଓଡ଼ିଶାକୁ ୭ଟି ବର୍ଗରେ ପୁରସ୍କାର ପାଇଁ ମନୋନୀତ କରାଯାଇଛି ।

---

# ଚିନିକଳ

ଗଞ୍ଜାମ ଜିଲ୍ଲାରେ ଥିବା ଆସିକା ଚିନିକଳର ପୁନରୁଦ୍ଧାର ଓ ଆଧୁନିକୀକରଣ ପାଇଁ ଏକ ଟାସ୍କଫୋର୍ସ ଗଠନ କରାଯିବ ବୋଲି ଭୁବନେଶ୍ୱର ଲୋକସେବା ଭବନରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ନିଷ୍ପତ୍ତି ହୋଇଛି । ଏହି ଟାସ୍କଫୋର୍ସ ମହାରାଷ୍ଟ୍ର ଏବଂ ଅନ୍ୟ ରାଜ୍ୟଗୁଡ଼ିକ ପରିଦର୍ଶନ କରି ସେଠାକାର ବ୍ୟବସ୍ଥା ସଂପର୍କରେ ଅନୁଧ୍ୟାନ କରିବା ସହ ସରକାରଙ୍କୁ ରିପୋର୍ଟ ପ୍ରଦାନ କରିବେ । ରିପୋର୍ଟ ଆଧାରରେ ପୁନରୁଦ୍ଧାର କାର୍ଯ୍ୟ ହେବ ବୋଲି ସୂଚନା ମିଳିଛି ।

---

## ଭାଷା ଉତ୍ସବ

ଭୁବନେଶ୍ୱର ଲୋକସେବା ଭବନ ସମ୍ମିଳନୀ କକ୍ଷରେ ଆଜି  ପୂର୍ବାହ୍ନରେ **ଭାଷା ଉତ୍ସବ** ସମାରୋହ ପାଳନ କରାଯିବ । ଏହି କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ସମେତ ଗଣଶିକ୍ଷାମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ, ଉଚ୍ଚଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ ଯୋଗଦେବେ ବୋଲି ଜଣାପଡ଼ିଛି ।

---

## ହାକାଥନ

ଦେଶର ୫୧ଟି ନୋଡାଲ ସେଣ୍ଟରରେ ଆଜିଠାରୁ ସ୍ମାର୍ଟ ଇଣ୍ଡିଆ ହାକାଥନ୍‌ର ସପ୍ତମ ସଂସ୍କରଣ ଆରମ୍ଭ ହେବ । କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଭର୍ଚୁଆଲ ମାଧ୍ୟମରେ ଏହାକୁ ଉଦ୍‌ଘାଟନ କରିବେ । ଛାତ୍ରଛାତ୍ରୀମାନେ ଦୈନନ୍ଦିନ ଜୀବନରେ ସମ୍ମୁଖୀନ ହେଉଥିବା କେତେକ ଗୁରୁତ୍ୱପୂର୍ଣ୍ଣ ସମସ୍ୟାର ସମାଧାନ ପାଇଁ ସ୍ମାର୍ଟ ଇଣ୍ଡିଆ ହାକାଥନ ଏକ ମଞ୍ଚ ପ୍ରଦାନ କରିବ ।

---

## ଗ୍ରାମୀଣ ସାକ୍ଷରତା ହାର

ଭାରତର ଗ୍ରାମୀଣ ସାକ୍ଷରତା ହାର ୭୭ ଦଶମିକ ୫ ପ୍ରତିଶତକୁ ବୃଦ୍ଧି ପାଇଛି ବୋଲି କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ କହିଛନ୍ତି ।  ସେହିପରି ମହିଳା ସାକ୍ଷରତା ହାର ୫୭ ଦଶମିକ ୯/୩ ପ୍ରତିଶତରୁ ବୃଦ୍ଧି ପାଇ ୭୪ ଦଶମିକ ୬ ପ୍ରତିଶତରେ ପହଞ୍ଚିଛି । ଶିକ୍ଷା କ୍ଷେତ୍ରରେ ବୈଷୟିକ

ଜ୍ଞାନକୌଶଳ ଓ ଉଦ୍ଭାବନର ଭୂମିକାକୁ ପ୍ରଶଂସା କରି କେନ୍ଦ୍ରମନ୍ତ୍ରୀ କହିଛନ୍ତି ପୂର୍ବରୁ ଦୁର୍ଗମ ଅଞ୍ଚଳରେ ଶିକ୍ଷା ସ୍ଥିତି ଦୁର୍ବଳ ଥିଲା। ବର୍ତ୍ତମାନ ଡିଜିଟାଲ ଇଣ୍ଡିଆ ମିଶନ, ନୂତନ ଶିକ୍ଷାନୀତି, ବେଟି ବଚାଓ ବେଟି ପଢ଼ାଓ ଆଦି ଯୋଜନା' ଶିକ୍ଷା ଓ ଦକ୍ଷତା ବିକାଶକୁ ଶୀର୍ଷସ୍ଥାନରେ ପହଞ୍ଚାଇଛି ବୋଲି ଶ୍ରୀ ପ୍ରଧାନ କହିଛନ୍ତି ।

## ଧର୍ମେନ୍ଦ୍ର ପ୍ରଧାନ

ଓଡ଼ିଶାରେ ନଦୀ ଜଳମାର୍ଗର ବିକାଶ ପାଇଁ ଦୀର୍ଘ ମିଆଦୀ ଯୋଜନା ସଂପର୍କରେ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ନୂଆଦିଲ୍ଲୀରେ କେନ୍ଦ୍ର ବନ୍ଦର ଓ ଜାହାଜ ଚଳାଚଳ ମନ୍ତ୍ରୀ ସର୍ବାନନ୍ଦ ସୋନଓ୍ୱାଲଙ୍କ ସହ ଆଲୋଚନା କରିଛନ୍ତି । ପାରାଦୀପ ବନ୍ଦରକୁ ଅତ୍ୟାଧୁନିକ ବନ୍ଦରରେ ପରିଣତ କରିବା ସହ ପୁରୀରେ କ୍ରୁସ୍ ଟର୍ମିନାଲ୍ ନିର୍ମାଣ, ସାମୁଦ୍ରିକ ସାମଗ୍ରୀ ରପ୍ତାନୀ କରିବା ନିମନ୍ତେ ଆଲୋଚନା କରାଯାଇଛି । ଏଥିସହ ଜାତୀୟ ଜଳମାର୍ଗ-୫ ର ତ୍ୱରିତ ବିକାଶ ତଥା ତାଳଚେର-ପାରାଦୀପ-ଧାମରା ବନ୍ଦର ସହ ବାଲେଶ୍ୱର, ଭଦ୍ରକ ଓ କେନ୍ଦ୍ରାପଡ଼ାର ସଂଯୋଗୀକରଣ ଉପରେ ଆଲୋଚନା କରାଯାଇଛି ।

## ସାମୁଦ୍ରିକ ନୀତି

ରାଜ୍ୟରେ ଏକ ପ୍ରଭାବୀ ଓ ଫଳପ୍ରଦ ସାମୁଦ୍ରିକ ନୀତି ପ୍ରଣୟନ ପାଇଁ ବନ୍ଦର ଓ ଆଭ୍ୟନ୍ତରୀଣ ଜଳପଥ ନିର୍ଦ୍ଦେଶାଳୟ ଏବଂ ଆଇଆଇଟି ମାଡ୍ରାସ୍ ସ୍ଥିତ ବନ୍ଦର ଜଳପଥ ଓ ଉପକୂଳ ନିମନ୍ତେ ଜାତୀୟ ବୈଷୟିକ କେନ୍ଦ୍ର

ମଧ୍ୟରେ ବୁଝାମଣା ସ୍ୱାକ୍ଷରିତ ହୋଇଛି । ଏ ନେଇ ଅନୁଷ୍ଠିତ ବୈଠକରେ ବାଣିଜ୍ୟ ଓ ପରିବହନ ବିଭାଗର ପ୍ରମୁଖ ଶାସନ ସଚିବ ଉଷା ପାଢ଼ୀ’ ଏକ ସମୃଦ୍ଧ ତଥା ଉପଯୋଗୀ ସାମୁଦ୍ରିକ ନୀତି ପ୍ରଣୟନ ଉପରେ ଓଡ଼ିଶାର ଅର୍ଥନୈତିକ ବିକାଶ ନିର୍ଭର କରେ ବୋଲି କହିଛନ୍ତି ।

# ଦୁଇଥାକିଆ ବସ୍

ଖୋର୍ଦ୍ଧା, ପୁରୀ ଓ କଟକ ଜିଲ୍ଲାରେ ଦୁଇ ଥାକିଆ ବସ୍ ଚଳାଚଳ କରିବ । ଏଥିପାଇଁ ପ୍ରାଥମିକ ପର୍ଯ୍ୟାୟରେ କ୍ରୁଟ୍ ପକ୍ଷରୁ ଟେଣ୍ଡର ଆହ୍ୱାନ କରାଯାଇଛି । ପରବର୍ତ୍ତୀ ପର୍ଯ୍ୟାୟରେ ଅନ୍ୟ ଜିଲ୍ଲାଗୁଡ଼ିକରେ ଦୁଇ ଥାକିଆ ବସ୍ ଚାଲିବ । ସହରରେ ବଢୁଥିବା ପ୍ରଦୂଷଣକୁ ଦୃଷ୍ଟିରେ ରଖି ବସ୍ ଗୁଡ଼ିକ ସଂପୂର୍ଣ୍ଣ ବିଦ୍ୟୁତ୍‌ଚାଳିତ ହେବ ବୋଲି କ୍ରୁଟ୍ ପକ୍ଷରୁ କୁହାଯାଇଛି ।

# ରତ୍ନଭଣ୍ଡାର ମରାମତି

ପୁରୀ ଶ୍ରୀମନ୍ଦିର ରତ୍ନଭଣ୍ଡାରର ମରାମତି କାର୍ଯ୍ୟ ଆସନ୍ତା ୧୭ ତାରିଖରୁ ଆରମ୍ଭ ହେବ ବୋଲି ଛତିଶା ନିଯୋଗ ବୈଠକରେ ନିଷ୍ପତ୍ତି ନିଆଯାଇଛି । ବୈଠକରୁ ମିଳିଥିବା ସୂଚନା ଅନୁସାରେ, ୧୬ ତାରିଖରୁ ପହିଲି ଭୋଗ ନୀତି ଲାଗି ରାତି ୨ଟାରୁ ଦ୍ୱାର ଫିଟାଯିବ । ଦ୍ୱିତୀୟ ଭୋଗ ମଣ୍ଡପ ନୀତି ପରେ ଭାରତୀୟ ପ୍ରତ୍ନତତ୍ତ୍ୱ ବିଭାଗ-ଏଏସ୍‌ଆଇ ରତ୍ନଭଣ୍ଡାରର ମରାମତି କାର୍ଯ୍ୟ ଆରମ୍ଭ କରିବ । ମରାମତି ସମୟରେ ଶ୍ରଦ୍ଧାଳୁମାନେ ବାହାରକାଠ ନିକଟରୁ ମହାପ୍ରଭୁଙ୍କୁ ଦର୍ଶନ କରିପାରିବେ । ତେବେ ବିଶେଷ ଦିନମାନଙ୍କରେ ଶ୍ରଦ୍ଧାଳୁଙ୍କ ଭିଡ଼କୁ ଦୃଷ୍ଟିରେ ରଖି ମରାମତି କାର୍ଯ୍ୟ ସ୍ଥଗିତ

ରଖିବାକୁ ବୈଠକରେ ସ୍ଥିର କରାଯାଇଛି । ୩ ମାସ ଭିତରେ ରତ୍ନଭଣ୍ଡାରର ମରାମତି କାର୍ଯ୍ୟ ଶେଷ କରିବାକୁ ଏଏସ୍ଆଇ ସମୟ ମାଗିଥିବା ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ସୂଚନା ଦେଇଛନ୍ତି ।

## ଖଦିମେଳା

ଭୁବନେଶ୍ୱର ଖାରବେଳ ନଗରସ୍ଥିତ ଖଦି ଓ ଗ୍ରାମଦ୍ୟୋଗ ବୋର୍ଡ କାର୍ଯ୍ୟାଳୟ ପରିସରରେ ଓଡ଼ିଶା ଖଦୀମେଳାକୁ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ ଉଦ୍‌ଘାଟନ କରିଛନ୍ତି । ରାଜ୍ୟ ଅଣୁ, କ୍ଷୁଦ୍ର ଓ ମଧ୍ୟମ ଉଦ୍ୟୋଗ ବିଭାଗ ପକ୍ଷରୁ ଆୟୋଜିତ ଏହି ପ୍ରଦର୍ଶନୀ ଆସନ୍ତା ୧୯ ତାରିଖ ପର୍ଯ୍ୟନ୍ତ ଚାଲିବ ।

## ବ୍ୟାଡମିଣ୍ଟନ

କଟକର ଜବାହରଲାଲ ନେହେରୁ ଇନ୍‌ଡୋର ଷ୍ଟାଡିୟମଠାରେ ଓଡ଼ିଶା ମାଷ୍ଟର୍ସ-୨୦୨୪ ଅନ୍ତର୍ଜାତୀୟ ବ୍ୟାଡମିଣ୍ଟନ ଟୁର୍ଣ୍ଣାମେଣ୍ଟକୁ ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ ଉଦ୍‌ଘାଟନ କରିଛନ୍ତି । ପ୍ରଥମ ଦିନରେ ଗତକାଲି ବିଭିନ୍ନ ବର୍ଗର ଯୋଗ୍ୟତା ପର୍ଯ୍ୟାୟ ମ୍ୟାଚ୍ ଖେଳାଯାଇଛି । ଏହି ଟୁର୍ଣ୍ଣାମେଣ୍ଟରେ ୨୯ଟି ଦେଶରୁ ପ୍ରାୟ ୩୦୦ କ୍ରୀଡ଼ାବିତ୍ ଭାଗ ନେଇଛନ୍ତି ।